# ଆଜି ଅନୁଗୋଳ ଜିଲ୍ଲାରୁ ୮୮ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୮୫୧୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୬ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୮୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୩୬ ରେ ରହିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୨୦ ଜଣ ( ୧୧ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୮ଜଣ ( ୧୧ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୭ ଜଣ (୮ ଜଣ ପୁରୁଷ ଓ ୯ଜଣ ମହିଳା), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୧୨ଜଣ (୭ ଜଣ ପୁରୁଷ ଓ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ (୫ଜଣ ପୁରୁଷ ଓ୧ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୩ଜଣ (୧ ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୬ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ , ୬ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୨୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୦୨ ତା.୨୭.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ